## ଜିଲ୍ଲା ସୂଚନା ଓ ଲୋକ ସଂପର୍କ କାର୍ଯ୍ୟାଳୟ, ଢେଙ୍କାନାଳ

ପତ୍ର ସଂଖ୍ୟା. 509 /ସୂ.ଲୋ.ସଂ. ୩୧/୧୦/୨୦୨୧

## ରାଷ୍ଟ୍ରୀୟ ଏକତା ଦିବସ ପାଳନ ଉପଲକ୍ଷେ ଶପଥ ପାଠ

ଢେଙ୍କାନାଳ, ତା. ୩୧.୧୦.୨୦୨୧-

ଏକତା, ଅଖଣ୍ଡତାକୁ ବଜାୟ ରଖି ଦେଶକୁ ସୁରକ୍ଷିତ ରଖିବା ଉଦ୍ଦେଶ୍ୟରେ ଲୌହ ମାନବ ସର୍ଦ୍ଦାର ବଲ୍ଲଭ ଭାଇ ପଟେଲଙ୍କ ଜନ୍ମ ବାର୍ଷିକୀ ଅବସରରେ ଆଜି ସାରା ଦେଶରେ ରାଷ୍ଟ୍ରୀୟ ଏକତା ଦିବସ ପାଳିତ ହେଉଅଛି । ଏହି ଉପଲକ୍ଷେ ଆଜି ଜିଲ୍ଲା କାର୍ଯ୍ୟାଳୟ ସଦଭାବନା ସଭାଗୃହଠାରେ ଜିଲ୍ଲାପାଳ ଶ୍ରୀ ସରୋଜ କୁମାର ସେଠୀ ଜିଲ୍ଲା କାର୍ଯ୍ୟାଳୟର ସମସ୍ତ ଅଧିକାରୀ ଓ ଜିଲ୍ଲା ସ୍ତରୀୟ ଅଧିକାରୀମାନଙ୍କୁ ଶପଥ ପାଠ କରାଇଛନ୍ତି ।

ଦେଶର ଏକତା, ଅଖଣ୍ଡତା ଓ ସୁରକ୍ଷା ନିମନ୍ତେ ଆମେ ସମସ୍ତେ ଭାଇଚାରା ମନୋଭାବ ନେଇ କାର୍ଯ୍ୟ କରି ଅନ୍ୟମାନଙ୍କୁ ସେବା ଯୋଗାଇ ଦେବାକୁ ଜିଲ୍ଲାପାଳ ଆହ୍ୱାନ ଦେଇଛନ୍ତି । ନିଜେ ସୁରକ୍ଷିତ ରହି ଅନ୍ୟକୁ ସୁରକ୍ଷା ପ୍ରଦାନ କରିବା ଆମର ଦାୟିତ୍ୱ ବୋଲି ସେ ମତ ବ୍ୟକ୍ତ କରିଛନ୍ତି ।

ଦେଶ ସେବା ପାଇଁ ନିଜକୁ ଉତ୍ସର୍ଗ କରିପାରିଲେ ଆମ ଜନ୍ମ ସାର୍ଥକ ହୋଇପାରିବ ବୋଲି ଜିଲ୍ଲା ଗ୍ରାମ୍ୟ ଉନ୍ନୟନ ସଂସ୍ଥାର ପ୍ରକଳ୍ପ ନିର୍ଦ୍ଦେଶକ ଶ୍ରୀ ସାଫଲ୍ୟ ମଣ୍ଡିତ ପ୍ରଧାନ ପ୍ରକାଶ କରିଛନ୍ତି । ସର୍ଦ୍ଦାର ବଲ୍ଲଭ ଭାଇ ପଟେଲଙ୍କ ମହାନ ବିଚାରଧାରରେ ଅନୁପ୍ରାଣିତ ହୋଇ ବିଭିନ୍ନତା ମଧ୍ୟରେ ଅଖଣ୍ଡତାକୁ ବଜାୟ ରଖିବା ପାଇଁ କାର୍ଯ୍ୟ କରିବା ଉଚିତ ବୋଲି ସେ ମତ ବ୍ୟକ୍ତ କରିଛନ୍ତି ।

ଏକତା ହିଁ ଶକ୍ତି । ଭେଦଭାବ ନ ରଖି ଦେଶରେ ଏକତା ଓ ଶାନ୍ତି ପ୍ରତିଷ୍ଠା ପାଇଁ ସମସ୍ତେ ପ୍ରୟାସ କରିବାକୁ ଭାରପ୍ରାପ୍ତ ସଦର ଉପଜିଲ୍ଲାପାଳ ଶ୍ରୀ ରବି ନାରାୟଣ ତ୍ରିପାଠୀ କହିଛନ୍ତି ।

ଜିଲ୍ଲା ସୂଚନା ଓ ଲୋକ ସମ୍ପର୍କ ଅଧିକାରୀ,
ଢେଙ୍କାନାଳ